ଯାଜପୁର ଜିଲ୍ଲାରେ "ବୈତରଣୀ ନଦୀ ଉପରେ ନୂଆପାଟଣାଠାରେ ଉଚ୍ଚ ସେତୁ ନିର୍ମାଣ ନିମନ୍ତେ"ନିମନ୍ତେ ସାମାଜିକ ଆବଶ୍ୟକ ବେସରକାରୀ ଜମି ଅଧିଗ୍ରହଣ ର ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ସମ୍ବନ୍ଧ, ତା. ୨୦.୧୦.୨୦୨୩ରିଖରେ ଅନୁଷ୍ଠିତ ବିଶେଷଜ୍ଞ କମିଟି ବୈଠକର ବିବରଣୀ ।

---

ଯାଜପୁର ସହରର "ବୈତରଣୀ ନଦୀ ଉପରେ ନୂଆପାଟଣାଠାରେ ଉଚ୍ଚ ସେତୁ ନିର୍ମାଣ ନିମନ୍ତେ"ନିମନ୍ତେ ଦଶରଥପୁର ତହସିଲ ଅନ୍ତର୍ଗତ ଷୋଳପ ।ଟରେ ପ୍ରସ୍ତାବିତ ହୋଇଥିବା ଜମି ଅଧିଗ୍ରହଣ ସାମାଜିକ ପ୍ରଭାବ ଆକଳନ ଅଧ୍ୟୟନ ମୂଲ୍ୟାଙ୍କନ ପାଇଁ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁର ଙ୍କ ଅଧକ୍ଷତାରେ ବିଶେଷଜ୍ଞ କମିଟିର ସଦସ୍ୟମାନଙ୍କ ଉପସ୍ଥିତିରେ ତା. ୨୦.୧୦.୨୦୨୩ରିଖ ଅପରାହ୍ନ ଘ.୪:୩୦.ରେ ଏକ ଆଲୋଚନା ସଭା ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଙ୍କ ପ୍ରକୋଷ୍ଠ ରେ ଅନୁଷ୍ଠିତ ହୋଇଥିଲା ।

ବୈଠକ ପ୍ରାରମ୍ଭରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ), ଯାଜପୁର, ବିଶେଷଜ୍ଞ କମିଟିର ସମସ୍ତ ସଦସ୍ୟ ଙ୍କୁ ସ୍ୱାଗତ କରିବା ସଙ୍ଗେ ସଙ୍ଗେ ଆବଶ୍ୟକ ହେଉଥିବା ଭୂମି ଅଧିଗ୍ରହଣ ଓ ଉଚିତ ପ୍ରାପ୍ୟ ପ୍ରଦାନ ଓ ସ୍ୱଚ୍ଛତା ଅବଲମ୍ବନ ନିମନ୍ତେ ପ୍ରଚଳିତ ଆଇନ-୨୦୧୩ (**RFCTLAR&R Act-2013**) ଓ ଓଡିଶା ସରକାରଙ୍କ ଅଧିନିୟମ ନିୟମାବଳୀ-୨୦୧୬ (**ORFCTLAR&R Rules-2016**) ଅନୁଯାୟୀ ପ୍ରସ୍ତାବିତ ପ୍ରକଳ୍ପର ଆବଶ୍ୟକତା ଓ ସାମିଜିକ ପ୍ରଭାବ ଆକଳନ ଅଧ୍ୟୟନର ସାରମର୍ମ ଆଲୋଚନା କରିବା ସହିତ ଉପସ୍ଥିତ ଥିବା ବିଶେଷଜ୍ଞ ଓ ଅନ୍ୟ ସଦସ୍ୟମାନଙ୍କ ଠାରୁ ଉକ୍ତ ପ୍ରକଳ୍ପ ସମ୍ବନ୍ଧରେ ନିଜର ମତାମତ ଉପସ୍ଥାପନ କରିବାକୁ ଅନୁରୋଧ କରିଥିଲେ । କମିଟିର ସଦସ୍ୟବୃନ୍ଦ ସାମାଜିକ ପ୍ରଭାବ ଆକଳନର ଚୂଡାନ୍ତ ବିବରଣୀକୁ ତର୍ଜମା କରି ନିମ୍ନୋକ୍ତ ସିଦ୍ଧାନ୍ତରେ ଉପନୀତ ହୋଇଥିଲେ ।

(୧) ପ୍ରସ୍ତାବିତ ପ୍ରକଳ୍ପ ଦ୍ୱାରା ସ୍ଥାନୀୟ ବାସିନ୍ଦାଙ୍କର ବହୁଦିନର ଦାବୀ ପୂରଣ ହେବ।

(୨) ଷୋଳପ ।ଟ ଏବଂ ତାର ଆଖପାଖରେ ଥିବା ଗ୍ରାମର ଗ୍ରାମବାସୀ ମାନେ ଅଳ୍ପ ସମୟ ମଧ୍ୟରେ ଭଦ୍ରକ ଜିଲ୍ଲାକୁ ଯାତାୟାତ କରିପାରିବେ

(୩) ଏହା ସମ୍ପୂର୍ଣ୍ଣ ହେଲେ ବୈତରଣୀ ନଦୀ ର ଉଭୟ ପାର୍ଶ୍ୱରେ ଥିବା ପ୍ରାୟ ୬ ଗୋଟି ଗ୍ରାମ ପଞ୍ଚ ।ୟତର ଗ୍ରାମବାସୀମାନେ ଅଳ୍ପ ସମୟ ମଧ୍ୟରେ ଭଦ୍ରକ ଜିଲ୍ଲା ଯାତାୟାତ କରିପାରିବେ ।

(୪)ଏହି ପ୍ରକଳ୍ପ ଦ୍ୱାରା ଜିଲ୍ଲାରେ ଅର୍ଥନୈତିକ ଉନ୍ନତି ସହ ସଡକ ନେଟୱାର୍କ ଓ ଉନ୍ନତ ପରିବହନ ବ୍ୟବସ୍ଥା ଉପଲବ୍ଧ ହୋଇ ପାରିବ ।

(୫) କ୍ଷତିଗ୍ରସ୍ତ ଜମିମାଲିକ ମାନେ କିପରି ବିନା ଅସୁବିଧାର ସମ୍ମୁଖୀନ ହୋଇ କ୍ଷତିପୂରଣ ରାଶି ପାଇପାରିବେ ତାହା ବୈଠକରେ ଆଲୋଚନା ହେଲା ।

(୬) କ୍ଷତିପୂରଣ ଦେୟ କିପରି ସୁବିଧାରେ ଓ ଆଶୀବିଧ ମୁକ୍ତ ହୋଇପାରିବ ତାହା ଆଲୋଚନା ହେଲା

(୭)କ୍ଷତିଗ୍ରସ୍ତ ହେଉଥିବା ଜମିମାଲିକମାନଙ୍କର ଅଭିଯୋଗ ଗୁଡିକର ଶୁଣାଣୀ କିପରି ସଠିକ ଓ ତ୍ୱରିତ ଭାବରେ ହୋଇପାରିବ ଏଥିନେଇ ବୈଠକ ରେ ଆଲୋଚନା କରାଗଲା

(୮)ଜନସାଧାରଣଙ୍କର ସାମାଜିକ, ଅର୍ଥନୈତିକ ମାନଦଣ୍ଡର ବିକାଶ ପାଇଁ ଉକ୍ତ ପ୍ରକଳ୍ପ ସହାୟକ ହେବ ବୋଲି ଆଶା କରାଯାଉଅଛି ।

ଯାଜପୁରର ଉପରୋକ୍ତ ପ୍ରକଳ୍ପ କାର୍ଯ୍ୟକାରୀ କରାଯାଇ ପାରିଲେ ସାମୁହିକ ଉନ୍ନତି ସମ୍ଭବ ହୋଇପାରିବ ବୋଲି ଦୃଢୋକ୍ତି ପ୍ରକାଶ କରିବା ସଙ୍ଗେ ସଙ୍ଗେ ପ୍ରକଳ୍ପ କାର୍ଯ୍ୟ ପାଇଁ ସହମତି ପ୍ରକାଶ କରନ୍ତି ।

ସର୍ବଶେଷରେ ଆବାହକ-ତଥା-ଉପଜିଲ୍ଲାପାଳ, ଯାଜପୁର ଉପସ୍ଥିତ ଥିବା ସମସ୍ତ ସଦସ୍ୟ ମାନଙ୍କୁ ଧନ୍ୟବାଦ ଦେବା ସହିତ ସଭାସାଙ୍ଗ କରାଯାଇଥିଲା ।

ଅଧକ୍ଷ-ତଥା-ଅତିରିକ୍ତ ଜିଲ୍ଲାପାଳ,(ରାଜସ୍ୱ)
ଯାଜପୁର

ବିଜ୍ଞାପନ

# ତହସିଲଦାର ତଥା ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟ

## ଦଶରଥପୁର

ସଂଖ୍ୟା ୪୯୧୨ ତା.୦୬.୧୧.୨୩

ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଛତା ଅଧିକାର ଆଇନ-୨୦୧୩ ଧାରା ୭ ର ଉପଧାରା ୧ ମୁତାବକ "ବୈତରଣୀ ନଦୀ ଉପରେ ନୂଆପାଟଣାଠାରେ ଉଚ୍ଚ ସେତୁ ନିର୍ମାଣ ନିମନ୍ତେ" ପ୍ରକଳ୍ପ, **ନିମନ୍ତେ** ଯାଜପୁର ଜିଲ୍ଲା ପାଇଁ ସାମାଜିକ ପ୍ରଭାବ ନିର୍ଦ୍ଧାରଣ ବିବରଣୀ ମୂଲ୍ୟାଙ୍କନ ନିମିତ ଗଠିତ ସ୍ୱତନ୍ତ୍ର ବହୁ ଶୃଙ୍ଖଳୀୟ ବିଶେଷଜ୍ଞ ଗୋଷ୍ଠୀର ତା. ତା. ୨୦. ୧୦ .୨୦୨୩ରିଖ ଅପରାହ୍ନ ଘ.୪:୩୦.ରେ.ରେ ଘଟିକା ସମୟରେ ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ), ଯାଜପୁରଙ୍କ ଅଧ୍ୟକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ବୈଠକ ବିବରଣୀ ଓ ସୁପାରିସ ସମ୍ପର୍କୀୟ ବିଜ୍ଞାପନ ଓଡିଶା ଭୂ-ଅର୍ଜନ ପୁର୍ନବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଛତା ଅଧିକାର ନିୟମ, ୨୦୧୬ ର ଧାରା ୧୬ ମୁତାବକ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଏଥି ସହିତ ସଲଗ୍ନ କରାଯାଇ ପ୍ରକାଶ କରାଗଲା । ଏହି ବିଜ୍ଞପ୍ତି ଓଡିଶା ରାଜ୍ୟ ସରକାର ଏବଂ ଯାଜପୁର ଜିଲ୍ଲାପାଳଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ ହେବ ।

୦୬.୧୧.୨୩

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୪୯୧୩ ତା. ୦୬.୧୧.୨୩

ଏହାର ଏକକିତା ନକଲ ବିଶେଷଜ୍ଞ ଗୋଷ୍ଠୀର ସମସ୍ତ ସଦସ୍ୟଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

୦୬.୧୧.୨୩

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୪୯୧୪ ତା. ୦୬.୧୧.୨୩

ଏହାର ଏକକିତା ନକଲ ଉପ-ଜିଲ୍ଲାପାଳ, ଯାଜପୁର/ ଭୂ-ଅର୍ଜନ ଅଧିକାରୀ(ସିଭିଲ), ଯାଜପୁର/ ଅଧିକ୍ଷଣ ଯନ୍ତ୍ରୀ, ରାସ୍ତା ଓ ଗୃହ ନିର୍ମାଣ ବିଭାଜନ, ପାଣିକୋଇଲି/ **ତହସିଲଦାର ତଥା ଭୂ-ଅର୍ଜନ ଅଧିକାରୀ** ଦଶରଥପୁର/ସରପଞ୍ଚ ନିଜାମପୁର ଗ୍ରାମପଞ୍ଚାୟତ/ ଙ୍କ ଅବଗତି ଓ ବିହୀତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । **ତହସିଲଦାର ତଥା ଭୂ-ଅର୍ଜନ ଅଧିକାରୀ** ଦଶରଥପୁର ଯାଜପୁରଙ୍କୁ ବିଜ୍ଞାପନର ନକଲ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନର ଗୋଟିଏ ନକଲ କ୍ଷୋଳପ ।ଟ ମୌଜାର ଅନ୍ତତଃ ଦୁଇଜଣ ଗ୍ରାମବାସୀଙ୍କ ସ୍ୱାକ୍ଷର ନେଇ ସାର୍ବଜନୀନ ସ୍ଥଳୀରେ ପ୍ରକାଶନ କରିବେ ଏବଂ ଜିଲ୍ଲାପାଳ, ଯାଜପୁରଙ୍କ ୱେବ୍ ସାଇଟ୍‌ରେ ଉପଲବ୍ଧ କରାଇବାପାଇଁ ନିର୍ଦ୍ଦେଶ ଦିଆଗଲା ।

୦୬.୧୧.୨୩

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୪୯୧୫ ତା. ୦୬.୧୧.୨୩

ଏହାର ଏକକିତା ନକଲ ଯୁଗ୍ମ ଶାସନ ସଚିବ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ, ଓଡିଶା/ ଯୁଗ୍ମ ଶାସନ ସଚିବ, ପୂର୍ତ୍ତ ବିଭାଗ, ଓଡିଶା / ଯୁଗ୍ମ ଶାସନ ସଚିବ, କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଙ୍କ କାର୍ଯ୍ୟାଳୟ କଟକ ଙ୍କ ଅବଗତି ନିମନ୍ତେ ପ୍ରେରଣ କରାଯାଇ ଓଡିଶା ସରକାରଙ୍କ ୱେବ୍ ସାଇଟ୍‌ରେ ପ୍ରକାଶନ କରିବାପାଇଁ ଅନୁରୋଧ କରାଗଲା ।

୦୬.୧୧.୨୩

ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧକ୍ଷ
ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର

ଜ୍ଞାପକ ସଂଖ୍ୟା. ୪୯୧୨ ତା. ୦୨.୧୧.୨୩

ଏହାର ଏକକିତା ନକଲ ଜିଲ୍ଲାପାଳଙ୍କ ନୋଟିସ୍ ବୋର୍ଡ / ଜିଲ୍ଲା ସୂଚନା ଓ ବିଜ୍ଞାନ ଅଧିକାରୀ, ଯାଜପୁର କୁ ପ୍ରେରଣ କରାଯାଇ ଅନୁରୋଧ କରାଗଲା ଯେ ଉକ୍ତ ବିଜ୍ଞାପନ ଜିଲ୍ଲାପାଳ, ଯାଜପୁର ୱେବ୍ ସାଇଟ୍‌ରେ ତୁରନ୍ତ ପ୍ରକାଶନ କରିବେ ।

**ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)-ତଥା-ଅଧ୍ୟକ୍ଷ**
**ବିଶେଷଜ୍ଞ ଗୋଷ୍ଠୀ- ଯାଜପୁର**